ପ୍ରେସ୍ ନୋଟ୍

# ଜିଲ୍ଲା ସ୍ତରୀୟ ଗାନ୍ଧୀ ଜୟନ୍ତୀ ପାଳିତ ।

ଅନୁଗୋଳ,ତା. ୦୨.୧୦:- ଜାତିର ଜନକ ମହାତ୍ମାଗାନ୍ଧୀ ଓ ଶାନ୍ତିର ଦୂତ ଲାଲବାହାଦୁର ଶାସ୍ତ୍ରୀଙ୍କର ଜିଲ୍ଲା ସ୍ତରୀୟ ଜୟନ୍ତୀ ଆଜି ସକାଳେ ଗାନ୍ଧୀ ପାର୍କ ଠାରେ ପାଳିତ ହୋଇଯାଇଛି । ସର୍ବପ୍ରଥମେ ଢେଙ୍କାନାଳ ସାଂସଦ ଶ୍ରୀ ମହେଶ ସାହୁ ଓ ଅନୁଗୋଳ ପୌରପାଳିକାର ଅଧ୍ୟକ୍ଷ ଶ୍ରୀ ଅକ୍ଷୟ କୁମାର ସାମନ୍ତ ଜାତିର ଜନକ ମହାତ୍ମାଗାନ୍ଧୀଙ୍କ ପ୍ରତିମୂର୍ତ୍ତୀ ଓ ଶାନ୍ତିର ଦୂତ ଲାଲବାହାଦୁର ଶାସ୍ତ୍ରୀଙ୍କର ଫଟୋଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ କରିଥିଲେ । ଏହାପରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ପ୍ରତାପ ପ୍ରାତିମୟ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଜାତିର ଜନକ ମହାତ୍ମାଗାନ୍ଧୀଙ୍କ ପ୍ରତିମୂର୍ତ୍ତୀ ଓ ଶାନ୍ତିର ଦୂତ ଲାଲବାହାଦୁର ଶାସ୍ତ୍ରୀଙ୍କର ଫଟୋଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ ପୂର୍ବକ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ ଗାନ୍ଧିଜୀଙ୍କର ଆତ୍ମଜୀବନି ଓ ଆଦର୍ଶ ସମ୍ପର୍କରେ ଆଲୋକପାତ କରିଥିଲେ । ଅବସରପ୍ରାପ୍ତ ସଭାପତି ଓଡିଶା ମାଧ୍ୟମିକ ଶିକ୍ଷା ପରିଷଦ, ଡ. ଧରଣୀଧର ନାଥ ମୁଖ୍ୟବକ୍ତା ଭାବେ ଯୋଗ ଦେଇ ମହାତ୍ମାଗାନ୍ଧୀଙ୍କ ଅହିଂସା ନୀତି ଆଦର୍ଶର ବିଭିନ୍ନ ଦିଗ ପ୍ରତି ଆଲୋକପାତ କରିଥିଲେ । ସେ ଗାନ୍ଧୀଙ୍କ ଜୀବନର ବିଭିନ୍ନ ସଂଗ୍ରାମ ଓ ସଫଳତା ଉପରେ ମଧ୍ୟ ସେ କହିଥିଲେ । ଆୟୋଜିତ ସର୍ବଧର୍ମ ପ୍ରାର୍ଥନା ସଭାରେ ଡଃ. କୁଳମଣୀ ନାୟକ ଅବସରପ୍ରାପ୍ତ ଅଧ୍ୟକ୍ଷ ଓ ବାଜିରାଉତ ଛାତ୍ରାବାସର ଛାତ୍ରୀମାନେ ଗୀତା ପାଠ କରିଥିବାବେଳେ ରେଭରେଣ୍ଟ ଯୋଶିୟ କାଉରୀ ବାଇବେଲ ପାଠ କରିଥିଲେ । ମହମ୍ମଦ ନଜିମ୍ କୋରାନ ପାଠ କରିଥିଲେ । ଗାନ୍ଧୀ ଜୟନ୍ତୀ ଉପଲକ୍ଷେ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ବିଭାଗ ତରଫରୁ ପ୍ରତ୍ୟୁଷରେ ସହରରେ ରାମଧୁନ ରେକର୍ଡ ବଜାଯାଇ ସହର ପରିକ୍ରମା କରାଯାଇଥିଲା । ପୂର୍ବାହ୍ନ ୬ .୩୦ ମିନିଟ୍ ସମୟରେ ଶିକ୍ଷାନୁଷ୍ଠାନର ଛାତ୍ର ଛାତ୍ରୀମାନେ ପ୍ରଭାତ ଫେରୀ କରିଥିଲେ । ଏହି କାର୍ଯ୍ୟକ୍ରମରେ ବିଭିନ୍ନ ଶିକ୍ଷାନୁଷ୍ଠାନର ଛାତ୍ର ଛାତ୍ରୀ, ଶିକ୍ଷକ ଶିକ୍ଷୟିତ୍ରୀ, ସ୍ୱେଚ୍ଛାସେବୀ, ବୁଦ୍ଧିଜିବୀ, ଗାନ୍ଧୀପ୍ରେମୀ ଓ ବିଶିଷ୍ଟ ବ୍ୟକ୍ତିମାନେ ଯୋଗ ଦେଇଥିଲେ । ଅପରାହ୍ନରେ ଗାନ୍ଧୀଙ୍କ ବିଚାର ଓ ଦର୍ଶନକୁ ନେଇ ଜିଲ୍ଲା ପାଠାଗାର ଠାରେ ଆୟୋଜିତ ହୋଇଥିବା ଆଲୋଚନା ଚକ୍ର ଓ କବିତା ପାଠୋତ୍ସବରେ ମୁଖ୍ୟ ଅତିଥି ଭାବେ ଡ.ଧରଣୀ ଧର ନାଥ,ମୁଖ୍ୟ ବକ୍ତା ଭାବେ ପ୍ରଫେସର କୁମୁଦ ଚନ୍ଦ୍ର ଦାସ,ସମ୍ମାନିତ ବକ୍ତା ଶ୍ରୀ ରାଧାକାନ୍ତ ମହାନ୍ତି ଓ ସଂଯୋଜିକା ଡ. ଇନ୍ଦିରା ଦାସ ଯୋଗ ଦେଇ ଗାନ୍ଧିଙ୍କ ଜୀବନି,ଅହିଂସା ନୀତି ଓ ଆଦର୍ଶ ସମ୍ପର୍କରେ ଫୁଙ୍ଖାନୁପୁଙ୍ଖ ଭାବେ ଆଲୋଚନା କରିଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା- ୫୭୪ ତା.୦୨.୧୦.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ ।


ଜିଲ୍ଲା ସ୍ତରୀୟ ଗାନ୍ଧୀ ଜୟନ୍ତୀ ସମାରୋହ- ୨୦୨୩
ଅନୁଗୋଳ
ସୌଜନ୍ୟ- ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ


" Live as if you were to die tomorro
Learn as if you were to live forever
Mahatma Gandhi








Bharadwaj